The Orissa Gazette

EXTRAORDINARY

PUBLISHED BY AUTHORITY

No. 1774 CUTTACK, TUESDAY, DECEMBER 14, 2004 / MARGASIRA 23, 1926

## ରାଜସ୍ୱ ବିଭାଗ

ଘୋଷଣା

ତାରିଖ 4 ଡିସେମ୍ବର 2004

ସଂଖ୍ୟା 47594–ଏଲ୍.ଏ.(ବି)-24/2004-ୟୁଆଇପି-ରା.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଉପର ଇଂଦ୍ରାବତୀ ଯୋଜନାର ପାଣିନାଳ ପାଇଁ ସରକାର, ସରକାରୀ ବ୍ୟୟରେ ମୌଜା ନକଟିଗୁଡା, ଥାନା ଜୁନାଗଡ, ଜିଲ୍ଲା କଳାହାଣ୍ଡିରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି; ତେଣୁ ଏତଦ୍ଦ୍ୱାରା ଘୋଷଣା କରାଯାଉଅଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 0.37 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894ର ଅଧିନିୟମର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4 (1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 16759-ରା., ତାରିଖ 4 ମଇ 2004 ଓ ରାଜପତ୍ର ସଂଖ୍ୟା 726, ତାରିଖ 29 ମଇ 2004ରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, କୁସୁମଖୁଣ୍ଟିଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟାଳୟ ସମୟରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଦେବୀ ପ୍ରସାଦ ପଣ୍ଡା**

ଅନୁଶାସନ ସଚିବ

Printed and Published by the Director of Printing, Stationery and Publication, Orissa, Cuttack-10
Ex. Gaz. 1250–206+25